## ପୂର୍ବାଞ୍ଚଳୀୟ ଲେଖକ ସମ୍ମିଳନୀ ଉଦ୍‌ଯାପିତ

# ପୂର୍ବାଞ୍ଚଳୀୟ ଭାଷାର ସାହିତ୍ୟ ଖୁବ୍ ପ୍ରଭାବଶାଳୀ

ଭୁବନେଶ୍ୱର,୨୩।୭(ବ୍ୟୁରୋ): କେନ୍ଦ୍ର ସାହିତ୍ୟ ଏକାଡେମୀ ଏବଂ ଓଡ଼ିଶା ସାହିତ୍ୟ ଏକାଡେମୀ ପକ୍ଷରୁ ଆୟୋଜିତ ଦୁଇ ଦିନିଆ ପୂର୍ବାଞ୍ଚଳୀୟ ଲେଖକ ସମ୍ମିଳନୀ ଉଦ୍‌ଯାପିତ ହୋଇଯାଇଛି । ଅତିଥି ସାହିତ୍ୟିକମାନେ ଯୋଗ ଦେଇ ଓଡ଼ିଆ, ବଙ୍ଗଳା, ଅହମିଆ, ସାନ୍ତାଳୀ, ବୋଡୋ, ମଣିପୁରୀ, ନେପାଳୀ, ମୈଥିଳି ଆଦି ପୂର୍ବାଞ୍ଚଳୀୟ ଭାଷାରେ ଅଗଣିତ କାଳଜୟୀ ସାରସ୍ୱତ କୃତି ସୃଷ୍ଟି ହୋଇଛି ବୋଲି କହିଥିଲେ ।




ସ୍ଥାନୀୟ ସଂସ୍କୃତି ଭବନ ପ୍ରେକ୍ଷାଳୟରେ ଆୟୋଜିତ ଏହି ଲେଖକ ସମ୍ମିଳନୀର ଦ୍ୱିତୀୟ ଦିବସର ପ୍ରଥମ ଅଧିବେଶନରେ ସଭାପତିତ୍ୱ କରିଥିଲେ ସାହିତ୍ୟ ଏକାଡେମୀର ସାଧାରଣ ପରିଷଦ ସଦସ୍ୟ ତଥା ସୁପରିଚିତ ନାଟ୍ୟକାର ପ୍ରଫେସର ବିଜୟ କୁମାର ଶତପଥୀ । ପୂର୍ବାଞ୍ଚଳୀୟ ଭାଷାର ସାହିତ୍ୟରେ ସାଂପ୍ରତିକ ଧାରା ଶୀର୍ଷକରେ ଆଲୋଚନା କରିଥିଲେ ଗୌହାଟୀ ବିଶ୍ୱବିଦ୍ୟାଳୟର ପ୍ରଫେସର ସତ୍ୟକାମ ବରଠାକୁର (ଅହମିଆ), ଆଇଏଲଏସଆର କୋଲକାତାର ନିର୍ଦ୍ଦେଶକ ଡକ୍ଟର ସ୍ୱାତୀ ଗୁହା (ବଙ୍ଗଳା) ଏବଂ ବିଶିଷ୍ଟ ଗବେଷକ ଡକ୍ଟର ଅସିତ ମହାନ୍ତି (ଓଡ଼ିଆ) । ପ୍ରଫେସର ଶତପଥୀ ଓଡ଼ିଆ ସମେତ ଅନ୍ୟାନ୍ୟ ଭାଷାର ସାଂପ୍ରତିକ ନାଟକର ଧାରା ସମ୍ପର୍କରେ ଆଲୋଚନା କରିଥିଲେ । ପରବର୍ତ୍ତୀ ଅଧିବେଶନରେ ସାହିତ୍ୟ ଏକାଡେମୀର ସାନ୍ତାଳୀ ପରାମର୍ଶମଣ୍ଡଳୀର ଆବାହକ ଚୈତନ୍ୟ ପ୍ରସାଦ ମାଝୀଙ୍କ ସଭାପତିତ୍ୱରେ କ୍ଷୁଦ୍ରଗଳ୍ପ ପାଠ କରିଥିଲେ ସୋରୋଖାଇବାମ ଦେବେନ୍ଦ୍ର ମୈତେଇ (ମଣିପୁରୀ), ଚିରଶ୍ରୀ ଇନ୍ଦ୍ରସିଂ (ଓଡ଼ିଆ) ଏବଂ କାଳୀଚରଣ ହେମ୍ବ୍ରମ୍ (ସାନ୍ତାଳୀ) । ଶ୍ରୀ ମାଝୀ କ୍ଷୁଦ୍ରଗଳ୍ପର ସୃଷ୍ଟି ଏବଂ ଗୁରୁତ୍ୱ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ । ଅନ୍ତିମ ଅଧିବେଶନରେ ବିଶିଷ୍ଟ କବି ଡକ୍ଟର ଆଶୁତୋଷ ପରିଡ଼ାଙ୍କ ସଭାପତିତ୍ୱରେ କବିତା ପାଠ କରିଥିଲେ ଥାନେଶ୍ୱର ଗୋୟାରି (ବୋଡ଼ୋ), କ୍ଷେତ୍ରିମାୟୁମ ରାଜେନ ସିଂହ (ମଣିପୁରୀ), ମିଲନ ଥୁଲୁଙ୍ଗ ରାଇ (ନେପାଳୀ), ପବିତ୍ର ମୋହନ ଦାଶ (ଓଡ଼ିଆ) ଏବଂ ରକ୍ଷକ ନାୟକ (ଓଡ଼ିଆ) । ନିମନ୍ତ୍ରିତ ଲେଖକମାନଙ୍କୁ ସାହିତ୍ୟ ଏକାଡେମୀର ପୂର୍ବାଞ୍ଚଳୀୟ ଉପଦେଷ୍ଟା ପରିଷଦର ଆବାହକ ଗୌରହରି ଦାସ ଏବଂ ଓଡ଼ିଶା ସାହିତ୍ୟ ଏକାଡେମୀ ସଚିବ ଡକ୍ଟର ଚନ୍ଦ୍ରଶେଖର ହୋତା ସମ୍ବର୍ଦ୍ଧିତ କରିଥିଲେ । ଧନ୍ୟବାଦ ଦେଇଥିଲେ ସାହିତ୍ୟ ଏକାଡେମୀ କୋଲକାତା କାର୍ଯ୍ୟାଳୟର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ । କାର୍ଯ୍ୟକ୍ରମରେ ବହୁ ଲେଖକ, ଲେଖିକା, ଗବେଷକ, ସାହିତ୍ୟପ୍ରେମୀ ଏବଂ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ ।